## ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ର

# ଭାଗବତ ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ



ଭୁବନେଶ୍ୱର,୨୭(ବ୍ୟୁରୋ): ଅତିବଡ଼ୀ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ହେଉଛି ଓଡ଼ିଆ ଅସ୍ମିତାର ଅନନ୍ୟ ପରିଚୟ। ସଂସ୍କୃତ ଭାଷାର ଅନୁସୃଜନ ହୋଇଥିଲେ ସୁଦ୍ଧା ଏହା ମୂଳ ଭାଗବତଠାରୁ ଅଧିକ ଲୋକପ୍ରିୟ। ଭାଗବତ ଓଡ଼ିଆ ଜାତିର ଜୀବନ ବେଦ କହିଲେ ଅତ୍ୟୁକ୍ତି ହେବ ନାହିଁ। ସ୍ଥାନୀୟ ସଂସ୍କୃତି ଭବନ ସଭାଗୃହରେ କେନ୍ଦ୍ର ସାହିତ୍ୟ ଅକାଦେମୀ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀର ମିଳିତ ଆନୁକୂଲ୍ୟରେ ଆୟୋଜିତ ଅତିବଡ଼ୀ ଜଗନ୍ନାଥ ଦାସ ଜାତୀୟ ଆଲୋଚନାଚକ୍ରରେ ଯୋଗଦେଇ ଅତିଥିମାନେ ମତ ପ୍ରକାଶ କରିଛନ୍ତି।

ଡ.ଅନ୍ତର୍ଯ୍ୟାମୀ ମିଶ୍ର ଏହାକୁ ଉଦ୍ଘାଟନ କରିବା ପୂର୍ବକ ଜଗନ୍ନାଥ ଦାସଙ୍କ ଓଡ଼ିଆ ଭାଗବତ ଏବଂ ଓଡ଼ିଆ ସଂସ୍କୃତିର ମହତ୍ତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ ସାହିତ୍ୟ ଅକାଦେମୀର ସଚିବ ଡ. କେ. ଶ୍ରୀନିବାସ ରାଓ। ସେ ଅତିବଡ଼ୀ ଜଗନ୍ନାଥ ଦାସଙ୍କ ବହୁବିଧ କୃତି ଏବଂ ବୈଶିଷ୍ଟ୍ୟ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ଉଦ୍ଘାଟନୀ ଅଧିବେଶନରେ ସଭାପତିତ୍ୱ କରିଥିଲେ ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଗୌରହରି ଦାସ। ସେ କହିଥିଲେ ଓଡ଼ିଆ ଜନଜୀବନ ଏବଂ ଭାଗବତ ଓତଃପ୍ରୋତ ଭାବେ ଜଡ଼ିତ। ମଣିଷ ମନର ସବୁ ପ୍ରକାର ପ୍ରଶ୍ନର ଉତ୍ତର ତହିଁରେ ଭରି ରହିଛି। ମୂଳ ଭାଷଣ ପ୍ରଦାନ କରିଥିଲେ ବିଶିଷ୍ଟ ସମାଲୋଚକ ଡ.ପ୍ରଦୀପ୍ତ କୁମାର ପଣ୍ଡା। ସେ ପଞ୍ଚସଖା ଯୁଗର ସାହିତ୍ୟର ବୈଶିଷ୍ଟ୍ୟ, ଓଡ଼ିଆ ଭାଗବତର ମୌଳିକତା ଓ ପ୍ରଭାବ ଆଦି ଗୁରୁତ୍ୱପୂର୍ଣ୍ଣ ଦିଗର ବର୍ଣ୍ଣନା କରିଥିଲେ। ଓଡ଼ିଶା ସାହିତ୍ୟ ଏକାଡେମୀର ସହ ସଚିବ ସଂଜୟ କୁମାର ଛୁଆଳସିଂହ ଧନ୍ୟବାଦ ଅର୍ପଣ କରିଥିଲେ ଏବଂ ସଭା ସଂଯୋଜନା କରିଥିଲେ ସାହିତ୍ୟ ଅକାଦେମୀ କୋଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ।

ଆଲୋଚନା ଚକ୍ରର ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ଉତ୍ତର ଓଡ଼ିଶା ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ଡ. ପ୍ରଫୁଲ୍ଲ କୁମାର ମିଶ୍ର। ଏହି ଅଧିବେଶନରେ ବିଶିଷ୍ଟ ସାହିତ୍ୟିକ ଦାଶ ବେନହୁର ଯୋଗଦେଇ ଭାଗବତ ଏବଂ ଓଡ଼ିଆ ଜୀବନ ସମ୍ପର୍କରେ ଆଲୋଚନା କରିଥିବାବେଳେ ଡ.ଜୟନ୍ତୀ ରଥ ଓଡ଼ିଆ ସାହିତ୍ୟରେ ଭାଗବତର ପ୍ରଭାବ ବିଷୟରେ ଆଲୋକପାତ କରିଥିଲେ। ଡ. ଶାନ୍ତନୁ କୁମାର ରଥ ଉତ୍କଳୀୟ ଜନତାଙ୍କ ଜୀବନ ବେଦ-ଓଡ଼ିଆ ଭାଗବତ ଶୀର୍ଷକରେ ପ୍ରବନ୍ଧ ଉପସ୍ଥାପନ କରିଥିଲେ।

ସଭାମୁଖ୍ୟ ଡ. ମିଶ୍ର ଓଡ଼ିଆ ଭାଗବତ ସମ୍ପୂର୍ଣ୍ଣ ରୂପେ ଅଧ୍ୟୟନ କରିବା ପୂର୍ବରୁ ସମ୍ପୃକ୍ତ ପ୍ରକରଣ ଗୁଡ଼ିକର ଶିକ୍ଷା ଲାଭ କରିବା ଉଚିତ ବୋଲି କହିଥିଲେ। ଆଲୋଚନାଚକ୍ରର ଦ୍ୱିତୀୟ ଅଧିବେଶନରେ ଅଧ୍ୟକ୍ଷତା କରିଥିଲେ ପ୍ରଫେସର ଯତୀନ୍ଦ୍ର କୁମାର ନାୟକ। ଆଲୋଚକ ଭାବେ ଡ. କଳ୍ପତରୁ ନାୟକ, ଗବେଷକ ପୀତବାସ ରାଉତରାୟ ଏବଂ ଡ.ସଂଗ୍ରାମ ଜେନା ଯୋଗଦେଇଥିଲେ।